# ବିଶିଷ୍ଟ ସ୍ୱାଧୀନତା ସଂଗ୍ରାମୀ ତଥା ପୂର୍ବତନ ମନ୍ତ୍ରୀ ଦୋଳଗୋବିନ୍ଦ ପ୍ରଧାନଙ୍କ ବିୟୋଗରେ ବିଜେପିର ଶୋକ

**ଭୁବନେଶ୍ୱର, ତା ୧୭/୦୯:** ବିଶିଷ୍ଟ ସ୍ୱାଧୀନତା ସଂଗ୍ରାମୀ ତଥା ପୂର୍ବତନ ମନ୍ତ୍ରୀ ସ୍ୱର୍ଗତ ଦୋଳଗୋବିନ୍ଦ ପ୍ରଧାନଙ୍କ ବିୟୋଗରେ ରାଜ୍ୟ ବିଜେପି ସଭାପତି ଶ୍ରୀ ବସନ୍ତ ପଣ୍ଡା ଏବଂ ବିଧାୟକ ଦଳ ନେତା ଶ୍ରୀ କନକ ବର୍ଦ୍ଧନ ସିଂହଦେଓ ପ୍ରମୁଖ ଗଭୀର ଶୋକ ବ୍ୟକ୍ତ କରିବା ସହ ସ୍ୱର୍ଗତ ଆତ୍ମାର ସଦ୍‌ଗତି କାମନା କରି ଶୋକସନ୍ତପ୍ତ ପରିବାର ସଦସ୍ୟଙ୍କୁ ସମବେଦନା ଜଣାଇଛନ୍ତି ।

୧୯୨୯ ମସିହା ଜୁନ ୭ ତାରିଖରେ କଟକ ସଦର ରାଜହସଂଠାରେ ଜନ୍ମ ଗ୍ରହଣ କରିଥିବା ସ୍ୱର୍ଗତ ପ୍ରଧାନ ଗାନ୍ଧିଜୀଙ୍କ ଆଦର୍ଶରେ ଅନୁପ୍ରାଣିତ ହୋଇ ୧୯୪୨ ମସିହାରେ ଭାରତ ଛାଡ ଆନ୍ଦୋଳନରେ ସାମିଲ ହୋଇଥିଲେ । ସ୍ୱର୍ଗତ ପ୍ରଧାନ ପୂର୍ବରୁ ୱାର୍ଡ ମେମ୍ବର ଏବଂ ସରପଂଚ ପ୍ରାର୍ଥୀ ଭାବେ ନିର୍ବାଚିତ ହେବା ପରେ ୧୯୮୦-୯୦ ମସିହା ପର୍ଯ୍ୟନ୍ତ ଦୁଇ ଦୁଇ ଥର କଟକ ସଦର ନିର୍ବାଚନ ମଣ୍ଡଳୀରୁ ବିଧାୟକ ଭାବେ ନିର୍ବାଚିତ ହୋଇଥିଲେ । ୧୯୮୯-୯୦ ମସିହା ମଧ୍ୟରେ ସ୍ୱର୍ଗତ ପ୍ରଧାନ ନଗର ଉନ୍ନୟନ ମନ୍ତ୍ରୀ ଥିଲେ । ତାଙ୍କ ବିୟୋଗରେ କଟକ ସଦରରେ ଶୋକର ଛାୟା ଖେଳିଯାଇଛି ।

ରାଜ୍ୟ ସଂପାଦକ ଶ୍ରୀ ଦିଲୀପ ମଲ୍ଲିକ ଆଜି ସ୍ୱର୍ଗତ ପ୍ରଧାନଙ୍କ ବାସଭବନରେ ପହଂଚି ତାଙ୍କର ଶେଷ ଦର୍ଶନ କରିବା ସହ ମରଶରୀରରେ ପୁଷ୍ପମାଳ ଦେଇ ଶ୍ରଦ୍ଧାଞ୍ଜଳୀ ଅର୍ପଣ କରିଥିଲେ ।

**(ବିଜେପି ମିଡିଆ ସେଲ୍)**